ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୫୭ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୪୩୫୫୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୮୧ ଜଣ ।

ଅନୁଗୋଳ, ତା.୧୦.୦୮:- ଆଜି ଅନୁଗୋଳ ଜିଲ୍ଲାରେ ୫୭ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୧୫ଜଣ (୧୧ ଜଣ ପୁରୁଷ ଓ୪ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୮ଜଣ ( ୬ଜଣ ପୁରୁଷ ଓ୨ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୭ଜଣ (୬ ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୭ଜଣ ( ୪ଜଣ ପୁରୁଷ ଓ୩ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬ଜଣ (୪ ଜଣ ପୁରୁଷ ଓ ୨ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫ ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା) ଓ ତାଳଚେର ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୮୧ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୨୭୪ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୪ ଲକ୍ଷ ୩୩ହଜାର ୭୪ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୫୦୦ ତା.୧୦.୮.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ